ପ୍ରେସ୍ ନୋଟ୍

# ଆଜି ଅନୁଗୋଳ ଜିଲ୍ଲାରୁ ୬୫ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୧୦୧୨ ରେ ପହଞ୍ଚିଲା - ସୁସ୍ଥ ହେଲେ ୪୭ ଜଣ ।

ଅନୁଗୋଳ, ତା,୦୨.୧୨:- ଆଜି ଅନୁଗୋଳ ଜିଲ୍ଲାରେ ୬୫ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି । ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୧ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ଆକ୍ରାନ୍ତଂକ ସଂଖ୍ୟା ୧୯୩ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ ବଁଅରପାଳ ବ୍ଲକ୍ ଅଂଚଳରୁ ସର୍ବାଧିକ ୨୧ଜଣ (୧୨ ଜଣ ପୁରୁଷ ଓ ୯ଜଣ ମହିଳା),ତାଳଚେର ବ୍ଲକ୍ ଅଂଚଳରୁ ୧୨ଜଣ ( ୭ଜଣ ପୁରୁଷ ଓ୫ ଜଣ ମହିଳା),ଅନୁଗୋଳ ପୌରାଞ୍ଚଳରୁ ୧୦ଜଣ ( ୯ଜଣ ପୁରୁଷ ଓ ୧ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୦ଜଣ ( ୬ଜଣ ପୁରୁଷ ଓ ୪ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୭ଜଣ ( ୩ଜଣ ପୁରୁଷ ଓ୪ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୩ଜଣ (୩ ଜଣ ପୁରୁଷ ) ଓପାଲଲହଡା ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା)ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି ତାଳଚେର ପୌରାଞ୍ଚଳ,କିଶୋରନଗର ବ୍ଲକ ,ଆଠମଲ୍ଲିକ ବ୍ଲକ୍ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ସୁସ୍ଥ ହୋଇଥିବା ୪୭ଜଣ ଯାକ ହୋମ Isolation ରେ ଥିବାର ଜଣାପଡିଛି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୭୯୧ ତା.୦୨.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

ଦା. ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ